PR No- 95/26.07.2023

# ଅଦାଲତ, ତହସିଲଦାର, ହେମଗିର,

**ହସ୍ତାନ୍ତରଣ (ଏଲିନେସନ) ମୋକଦ୍ଦମା ନଂ- ୪ /୨୦୨୧**

**ଇସ୍ତିହାର**

ଏତଦ୍ଵାରା ମୌଜା **ସରେଇକେଲା**, ଥାନା –ହେମଗିର, ଜିଲ୍ଲା ସୁନ୍ଦରଗଡ ର ସର୍ବସାଧାରଣ ଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ **ନିର୍ବାହୀ ଯନ୍ତ୍ରୀ, ରାସ୍ତା ଓ ଗୃହ ନିର୍ମାଣ ବିଭାଗ, ସୁନ୍ଦରଗଡ଼** ନିମ୍ନ ତଫସିଲ ଭୁକ୍ତ ସରକାରୀ ଜମି କୁ **ବାଙ୍କିବାହାଲ ରୁ ଭେଡାବାହାଲ, କୋଇଲା ପରିବହନ ପାଇଁ ରାସ୍ତା ଚଉଡିକରଣ** ଉଦ୍ଦେଶ୍ୟରେ ନିଜ ନାମେ ଲିଜ ସୂତ୍ରେ ବନ୍ଦୋବସ୍ତ କରାଯିବାପାଇଁ ଅତ୍ର ଅଦାଲତ ରେ ଦରଖାସ୍ତ ସହ ଆବେଦନ କରିଥିବାରୁ ତାହା ଅତ୍ର ଅଦାଲତରେ ବିଚାରାଧିନ ଅଛି।

ଏଣୁ କୌଣସି ବ୍ୟକ୍ତି ବିଶେଷ ମାନଙ୍କ ଏ ସମ୍ବନ୍ଧରେ କୌଣସି ପ୍ରକାର ଆପତ୍ତି ଅଭିଯୋଗ ଥାଏ, ତେବେ ଏହି ଇସ୍ତିହାର ଜାରି ହେବାର ୩୦ (ତିରିଶ) ଦିନ ମଧ୍ୟରେ ନିମ୍ନ ସ୍ଵାକ୍ଷରକାରୀଙ୍କ ଅଦାଲତରେ (ସରକାରୀ ଛୁଟୀଦିନ ବ୍ୟତୀତ) ଲିଖିତାକାରରେ ଆବଶ୍ୟକୀୟ କୋର୍ଟଫିସ୍ ସହ ଆପତ୍ତି ଦାଏର କରିପାରିବେ । ଧାର୍ଯ୍ୟ ସମୟ ଗତେ କୌଣସି ଆପତ୍ତି ଅଭିଯୋଗ ଅଗ୍ରାହ୍ୟ ହେବ ତଥା ଆଇନାନୁଯାୟୀ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ।

ଜମି ତଫସିଲ

| ମୌଜା | ହା.ଖା.ନଂ | ପ୍ଲଟ ନଂ | କିସମ | ରକବା |
|---|---|---|---|---|
| **ସରେଇକେଲା** | **୪୦ (ସର୍ବସାଧାରଣ)** | **୪୨୯ /ସ୍ମ** | **ରାସ୍ତା** | **ଏ ୧.୯୭** |
| | **ମୋଟ** | **୧ ପ୍ଲଟ** | | **ଏ ୧.୯୭** |

26/7/23

ତହସିଲଦାର, ହେମଗିର
ଜି: ସୁନ୍ଦରଗଡ

ଜ୍ଞାପକ ସଂଖ୍ୟା 2352 ତା: 27.07.2023

ଏହାର ଏକକିତା ନକଲ **ସରପଞ୍ଚ, ଲଇକେରା ଗ୍ରାମପଞ୍ଚାୟତଙ୍କ** ଅବଗତି ତଥା ସର୍ବସାଧାରଣଙ୍କ ବହୁଳ ପ୍ରଚାର ନିମନ୍ତେ ଏବଂ ଏକ ନକଲ ସଂପୃକ୍ତ ଗ୍ରାମର ଦୃସ୍ୟମାନ ସ୍ଥାନରେ ଜନସାଧାରଣଙ୍କ ଅବଗତି ନିମନ୍ତେ ଲଟକାଜାରୀ ପାଇଁ ପ୍ରେରଣ କରାଗଲା ଏବଂ ଗ୍ରାମରେ ଡେଙ୍ଗୁରା/ମାଇକ ବଜାଇ ପ୍ରଚାର ପାଇଁ ଆଦେଶ କରାଗଲା ।

ଏହାର ଏକକିତା ନକଲ ତହସିଲ କାର୍ଯାଳୟ, ହେମେଗିର ନୋଟିସ ବୋର୍ଡରେ ସର୍ବସାଧାରଣଙ୍କ ଅବଗତି ତଥା ବହୁଳ ପ୍ରଚାର ନିମନ୍ତେ ଲଟକାଜାରୀ କରାଗଲା ।

ପୁନଶ୍ଚ ଏହାର ଏକକିତା ନକଲ **ଜିଲ୍ଲା ସୂଚନା ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ସୁନ୍ଦରଗଡ** ଙ୍କ ଅବଗତି ନିମନ୍ତେ ପଠଗଲା ଓ ବହୁଳ ପ୍ରଚାର ନିମନ୍ତେ **www.sundargarh.nic.in** ର ୱେବସାଇଟ ରେ ଅପଲୋଡ ନିମନ୍ତେ ଅନୁରୋଧ କରାଗଲା ।

26/7/23

ତହସିଲଦାର, ହେମଗିର
ଜି: ସୁନ୍ଦରଗଡ